# ଆନ୍ତର୍ଜାତୀୟ ନିଶା ଦ୍ରବ୍ୟ ଅପବ୍ୟବହାର ଓ ଅବୈଧ ଚାଲାଣ ବିରୋଧ ଦିବସ ପାଳିତ ।

ଅନୁଗୋଳ,ତା.୨୭.୦୬: ଅନୁଗୋଳ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଆନ୍ତର୍ଜାତୀୟ ନିଶା ଦ୍ରବ୍ୟ ଅପବ୍ୟବହାର ଓ ଅବୈଧ ଚାଲାଣ ବିରୋଧ ଦିବସ ଗତକାଲି ପାଳିତ ହୋଇଯାଇଛି । ନିଶା ସେବନ ଦ୍ୱାରା ସମାଜ ଉପରେ ତାର କୁ-ପ୍ରଭାବ ଓ କୁପରିଣାମ ଉପରେ ସଚେତନତା ସୃଷ୍ଟି କରିବା ଏ ଦିବସର ମୁଖ୍ୟ ଲକ୍ଷ୍ୟ । ଜିଲ୍ଲା ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ ଏବଂ ଅବକାରୀ ବିଭାଗର ମିଳିତ ଆନୁକୂଲ୍ୟରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଅତୁଲ୍ୟ କୁମାର ଚମ୍ପତିରାୟ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଆମ ସମସ୍ତଙ୍କର ମିଳିତ ଉଦ୍ୟମରେ ନିଶା ବ୍ୟବହାରକୁ ରୋକାଯାଇପାରିବ ବୋଲି ପ୍ରକାଶ କରିଥିଲେ । ଏହି ଅବସରରେ ସକାଳେ ଏକ ସଚେତନତା ରଥ ଅନୁଗୋଳ ସହର ପରିକ୍ରମା କରି ନିଶା ସେବନ ଓ ନିଶା ଚାଲାଣ ଠାରୁ ଦୂରେଇ ରହିବା ପାଇଁ ସଚେତନତା ବାର୍ତ୍ତା ଦେଇଥିଲା । ଏହି ରଥ ସହିତ ପଦ ଯାତ୍ରାରେ ବିଭିନ୍ନ ବିଦ୍ୟାଳୟ,ମହାବିଦ୍ୟାଳୟର ଛାତ୍ର ଛାତ୍ରୀ, କିନ୍ନର ସଙ୍ଗଠନ, ସ୍ୱେଚ୍ଛାସେବୀ, ପ୍ରଜାପିତା ବ୍ରହ୍ମକୁମାରୀ ଇଶ୍ୱରୀୟ ବିଶ୍ୱବିଦ୍ୟାଳୟର କର୍ମକର୍ତ୍ତା, ଅଭରା, ମେଡିକ୍ସ ଇତ୍ୟାଦି ସ୍ୱେଚ୍ଛାସେବୀ ସଂଗଠନ ଯାଇ ସ୍ଲୋଗାନ ମାଧ୍ୟମରେ ଜନସାଧାରଣଙ୍କୁ ସଚେତନ କରିଥିଲେ । ନିଶା ସେବନ ଓ ନିଶା ଚାଲାଣ ଦ୍ୱାରା ସମାଜରେ ଉପୁଜୁଥିବା ବିଭିନ୍ନ ସମସ୍ୟା ଉପରେ ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଶ୍ରୀ ମାଧବ ଚନ୍ଦ୍ର ତରାଡ, ଅବକାରୀ ଅଧିକ୍ଷକ ଶ୍ରୀ ସୁରେଶ ଚନ୍ଦ୍ର ନାୟକ, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ସଚ୍ଚିଦାନନ୍ଦ ବେହେରା, ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀଣୀ ଶ୍ରୀମତୀ ଆଲମା ବରୁଆ, ସ୍ୱାସ୍ଥ୍ୟ ବିଭାଗର ଅଧିକାରୀ ପ୍ରମୁଖ ଆଲୋକପାତ କରିଥିଲେ । ଏହି ଅବସରରେ ଆୟୋଜିତ ବକ୍ତୃତା ଓ ଚିତ୍ରାଙ୍କନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀମାନଙ୍କୁ ମୁଖ୍ୟ ଅତିଥି ପୁରସ୍କୃତ କରିଥିଲେ ।




ଆନ୍ତର୍ଜାତୀୟ ନିଶାଦ୍ରବ୍ୟ ଅପବ୍ୟବହାର ଓ ଅବୈଧ ଚାଲାଣ ବିରୋଧ ଦିବସ